## ଆଜି ଅନୁଗୋଳ ଜିଲ୍ଲାରୁ ୨୨୬ ଜଣ କରୋନା ପଜିଟିଭ ଚିହ୍ନଟ –

## ପଜିଟିଭ ସଂଖ୍ୟା ୨୬୬୬ ରେ ପହଞ୍ଚିଲା – ସୁସ୍ଥ ହେଲେ ୭୪ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ସର୍ବାଧିକ ୨୨୬ ଜଣ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ୪୯ ଜଣ (୩୧ଜଣ ପୁରୁଷ ଓ ୧୮ଜଣ ମହିଳା), ବଣଅଁରପାଳ ବ୍ଲକ୍ ଅଂଚଳରୁ ୪୨ ଜଣ (୩୫ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଂଚଳରୁ ୪୦ ଜଣ (୩୨ଜଣ ପୁରୁଷ ଓ ୮ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୨୨ ଜଣ (୧୬ ଜଣ ପୁରୁଷ ଓ ୬ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୧୯ ଜଣ (୯ଜଣ ପୁରୁଷ ଓ ୧୦ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୮ ଜଣ (୧୪ଜଣ ପୁରୁଷ ଓ ୪ ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୮ ଜଣ (୧୨ଜଣ ପୁରୁଷ ଓ ୬ ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୧୦ ଜଣ (୮ଜଣ ପୁରୁଷ ଓ ୨ ଜଣ ମହିଳା), ତାଳଚେର ପୌରାଂଚଳରୁ ୪ ଜଣ (୪ଜଣ ପୁରୁଷ ) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୪ ଜଣ (୩ଜଣ ପୁରୁଷ ଓ ୧ ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୭୪ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୨୦ ଜଣ କୋଭିଡ ହସପିଟାଲରୁ ଓ ୫୪ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୪୦ ତା.୧୯.୦୯.୨୦୨୦

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ